ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1214/04-02-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୪ ଫେବୃଆରୀ,୨୦୨୧**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଷ୍ଟିଲ୍ ଅଥରିଟି ଅଫ୍ ଇଣ୍ଡିଆ (ସେଲ୍)ର ଅଧ୍ୟକ୍ଷ ଶ୍ରୀମତୀ ସୋମା ମଣ୍ଡଳଙ୍କ ସହିତ ଆଲୋଚନା ନେଇ ସନ୍ତୋଷ ବ୍ୟକ୍ତ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଦେଶର ଇସ୍ପାତ ରାଜଧାନୀ ହେବା ପାଇଁ ରାଜ୍ୟର ଅନୁକୂଳ ପରିବେଶ ଏବଂ ସମୃଦ୍ଧ ଖଣିଜସଂପଦର ବିନିଯୋଗ ଦ୍ୱାରା ରାଜ୍ୟକୁ ଦକ୍ଷିଣ ଏସିଆର ଏକ ଶିଳ୍ପ ପେଣ୍ଠସ୍ଥଳ ଭାବରେ ରୂପାନ୍ତରଣର ଲକ୍ଷ୍ୟ ବାବଦରେ ଉଲ୍ଲେଖ କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍ ମହାମାରୀ ସତ୍ତ୍ୱେ ତୋଷାଳି ମେଳାରେ ରାଜ୍ୟର ହସ୍ତତନ୍ତ ଓ ହସ୍ତଶିଳ୍ପର ସମୃଦ୍ଧ ପରମ୍ପରାକୁ ସ୍ୱତନ୍ତ୍ର ଭାବେ ଉପସ୍ଥାପିତ କରିଥିବାରୁ କାରିଗର ଓ ବୁଣାକାରମାନଙ୍କୁ ଅଭିନନ୍ଦନ ଓ ଧନ୍ୟବାଦ ଜଣାଇଛନ୍ତି । ଏଥି ସହିତ ସେମାନଙ୍କ କାରିଗରୀ ଦକ୍ଷତା, ଧୈର୍ଯ୍ୟ ଓ ସାହସର ସେ ଉଚ୍ଚପ୍ରଶଂସା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ମୁଖ୍ୟ ଶାସନ ସଚିବ, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି'), ପଶ୍ଚିମ ଓଡ଼ିଶା ବିକାଶ ପରିଷଦର ଅଧ୍ୟକ୍ଷଙ୍କୁ ନେଇ ଗଠିତ ଉଚ୍ଚସ୍ତରୀୟ କମିଟି ନୃସିଂହନାଥ ମନ୍ଦିର ଓ ହରିଶଙ୍କର ମନ୍ଦିର ଗସ୍ତ କରିଛନ୍ତି ଏବଂ ମନ୍ଦିର ଚତୁଃପାର୍ଶ୍ୱର ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ନେଇ ଆଲୋଚନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଉନ୍ନୟନମୂଳକ ଏବଂ ଐତିହ୍ୟ ସଂରକ୍ଷଣ ପ୍ରକଳ୍ପଗୁଡ଼ିକ ଆରମ୍ଭ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ପ୍ରକଳ୍ପଗୁଡ଼ିକ ମଧ୍ୟରେ ସୌନ୍ଦର୍ଯ୍ୟକରଣ, ତୀର୍ଥଯାତ୍ରୀଙ୍କ ପାଇଁ ବିଭିନ୍ନ ସୁବିଧା, ସଂଯୋଗୀକରଣ ରାସ୍ତା, ପର୍ଯ୍ୟଟକମାନଙ୍କ ପାଇଁ ସୁବିଧା, ଟ୍ରେକିଂ ମାର୍ଗ, ରୋପୱେର ବ୍ୟବହାର୍ଯ୍ୟତା, କଲ୍ୟାଣ ମଣ୍ଡପ ସୁବିଧା ଏବଂ ଜଳସଂରକ୍ଷଣ ସୁବିଧା ଅନ୍ତର୍ଭୁକ୍ତ ।

- ଏହି କମିଟି ଏବଂ ଜଳସଂପଦ ବିଭାଗ ପ୍ରମୁଖ ଶାସନ ସଚିବ ତଥା ବରିଷ୍ଠ ଅଧିକାରୀମାନେ ବଲାଙ୍ଗୀର ଜିଲ୍ଲାର ମଗୁରବେଡ଼ାସ୍ଥିତ ଲୋୟର ସୁକତେଲ ଜଳସେଚନ ପ୍ରକଳ୍ପର ସ୍ଥିତି ନେଇ ସମୀକ୍ଷା କରିଥିଲେ । କମିଟି ସମସ୍ୟାଗୁଡ଼ିକର ସମାଧାନ ସହ ପ୍ରକଳ୍ପ କାର୍ଯ୍ୟକୁ ତ୍ୱରାନିତ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ଉତ୍କଳଗୌରବ କୁଳବୃଦ୍ଧ ମଧୁସୂଦନ ଦାସଙ୍କ ଶ୍ରାଦ୍ଧତିଥି ଅବସରରେ ସୂଚନା ଓ ଲୋକସଂପର୍କ ବିଭାଗ ତରଫରୁ ଆଜି ତାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଛି । ବିଭାଗ ପକ୍ଷରୁ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମାନ୍ୟବର ବିଧାୟକ ତଥା ପୂର୍ବତନ ମନ୍ତ୍ରୀ ଶ୍ରୀ ଦେବୀପ୍ରସାଦ ମିଶ୍ର, ମାନ୍ୟବର ବିଧାୟକ ଶ୍ରୀ ସୌଭିକ୍ ବିଶ୍ୱାଳ, 'ଉତ୍କଳ ପ୍ରସଙ୍ଗ' ଓ 'ଓଡ଼ିଶା ରିଭ୍ୟୁ'ର ସଂପାଦକ ଡ. ଲେନିନ୍ ମହାନ୍ତି, ପ୍ରଫେସର ଡ. ସନ୍ତୋଷ ତ୍ରିପାଠୀ, ବିଭାଗୀୟ ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର ପ୍ରମୁଖ ବକ୍ତବ୍ୟ ରଖିଥିଲେ ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୭,୯୬,୨୧୯ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୫,୩୬୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୨,୪୯୯ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୦୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୯୧୦ ରହିଛି ।
- ୯୧୦ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**